## ଜିଲ୍ଲା ସ୍ତରୀୟ ଓଡିଶା ଦିବସ ଓ ଜିଲ୍ଲା ପ୍ରତିଷ୍ଠା ଦିବସ ପାଳନ ନିମନ୍ତେ ପ୍ରସ୍ତୁତି ବୈଠକ ।

ଅନୁଗୋଳ,ତା.୨୧.୦୩ଃ- ଜିଲ୍ଲା ସ୍ତରୀୟ ଓଡିଶା ଦିବସ ଓ ଜିଲ୍ଲା ପ୍ରତିଷ୍ଠା ଦିବସ ପାଳନ ନିମନ୍ତେ ପ୍ରସ୍ତୁତି ବୈଠକ ଆଜି ଅପରାହ୍ନରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ଠାରେ ଅତିରିକ୍ତ ଜିଲ୍ଲାପାଳ(ରାଜସ୍ବ) ଶ୍ରୀ ସନ୍ତୋଷ କୁମାର ପ୍ରଧାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ବିଗତ ୨ ବର୍ଷ ଧରି କରୋନା ସଂକ୍ରମଣର କଟକଣା ବଳବତ୍ତର ରହିଥିବାରୁ ଏହି ଦିବସକୁ ନିରାଡମ୍ବର ଭାବରେ ପାଳନ କରାଯାଇଥିଲା । ଚଳିତ ବର୍ଷ ଏହି କଟକଣା କୋହଳ ଥିବାରୁ ଓଡିଶା ଦିବସ ଓ ଜିଲ୍ଲା ପ୍ରତିଷ୍ଠା ଦିବସକୁ ସରସ ସୁନ୍ଦର ଭାବେ ପାଳନ କରାଯିବ । ଏଥିପାଇଁ ଜାତୀୟ ଦିବସ ପାଳନ କମିଟିର ସମସ୍ତ ସଦସ୍ୟ ସଦସ୍ୟାମାନେ ଆନ୍ତରିକତାର ସହ ସହଯୋଗ କରିବାକୁ ଅତିରିକ୍ତ ଜିଲ୍ଲାପାଳ ଆହ୍ୱାନ କରିଥିଲେ । ଓଡିଶା ଦିବସ ଓ ଜିଲ୍ଲା ପ୍ରତିଷ୍ଠା ଦିବସ ଗୋଟିଏ ଦିନରେ ପଡୁଥିବାରୁ ବିଭିନ୍ନ କୋଠାବାଡିକୁ ଆଲୋକମାଳାରେ ସମ୍ପୃକ୍ତ ଅନୁଷ୍ଠାନର କର୍ମକର୍ତ୍ତାମାନେ ନିଜେ ନିଜେ ସଜାଇ ପାଳନ କରିବେ । ଓଡିଶା ଦିବସ ଦିନ ପ୍ରତ୍ୟୁଷରୁ ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ ତରଫରୁ 'ବନ୍ଦେ ଉତ୍କଳ ଜନନୀ' ଗାନ କରାଯାଇ ସହର ପରିକ୍ରମା କରାଯିବା ସହ ବିଭିନ୍ନ ଶିକ୍ଷାନୁଷ୍ଠାନ ଛାତ୍ର ଛାତ୍ରୀମାନଙ୍କ ଦ୍ୱାରା ପ୍ରଭାତ ଫେରୀ କରାଯିବ । ସହରରେ ଥିବା ବରପୁତ୍ର ମାନଙ୍କର ପ୍ରତିମୂର୍ତ୍ତୀରେ ରାଜ୍ୟ ସରକାରଙ୍କ ଦ୍ୱାରା ସ୍ଥିରିକୃତ ମୁଖ୍ୟ ଅତିଥି ଓ ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ଙ୍କ ଦ୍ୱାରା ମାଲ୍ୟାର୍ପଣ କରାଯିବ । ଓଡିଶା ଦିବସ ଉପଲକ୍ଷେ ବିଭିନ୍ନ ପ୍ରତିଯୋଗିତା ପି ଟି ସି ନୋଡାଲ ଉଚ୍ଚ ବିଦ୍ୟାଳୟ ଠାରେ ଚଳିତ ମାସ ୨୫ ତାରିଖରେ ବକ୍ତୃତା,ଦେଶାତ୍ମବୋଧକ କଣ୍ଠ ସଙ୍ଗୀତ ଓ ଚିତ୍ରାଙ୍କନ ପ୍ରତିଯୋଗିତା ଅନୁଷ୍ଠିତ ହେବ । ସେହିପରି ରକ୍ତଭଣ୍ଡାର ଓ ପତଞ୍ଜଳୀ ଯୋଗ ସମିତି ଦ୍ୱାରା ରକ୍ତ ଦାନ ଶିବିର ଆୟୋଜନ କରାଯିବ । ସନ୍ଧ୍ୟାରେ ଜିଲ୍ଲା ପରିଷଦ ସମ୍ମିଳନୀ ଗୃହରେ ସାଧାରଣ ସଭା ଓ ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀମାନଙ୍କୁ ପୁରସ୍କୃତ କରାଯିବ । ପରେ ଜିଲ୍ଲା ସଂସ୍କୃତି ପରିଷଦ ଆନୁକୁଲ୍ୟରେ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜନ କରାଯିବ । ପ୍ରାରମ୍ଭରେ ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ଶ୍ରୀ ଦୁଃଖବନ୍ଧୁ ମାଝି ସମସ୍ତଙ୍କୁ ସ୍ୱାଗତ ଜଣାଇବା ସହ ବିଗତ ବର୍ଷର ବିବରଣୀ ପାଠ କରିଥିଲେ । ଏହି ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ତ୍ରିଲୋଚନ ପ୍ରଧାନଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀ,ସ୍ୱେଚ୍ଛାସେବୀ,ଶିକ୍ଷାନୁଷ୍ଠାନର ଶିକ୍ଷକ ଶିକ୍ଷୟିତ୍ରୀମାନେ ଉପସ୍ଥିତ ଥିଲେ ।


COURT OF THE COLLECTOR & DISTRICT MAGISTRATE
ANGUL